ପ୍ରେସ୍ ନୋଟ୍

# ଆଜି ଅନୁଗୋଳ ଜିଲ୍ଲାରୁ ୩୮୮ ଜଣ କରୋନା ପଜିଟିଭ ଚିହ୍ନଟ

## ପଜିଟିଭ ସଂଖ୍ୟା ୧୭୭୯୯ରେ ପହଞ୍ଚିଲା - ସୁସ୍ଥ ହେଲେ ୧୬୦ଜଣ ।

ଅନୁଗୋଳ, ତା.୦୫.୦୫:- ଆଜି ଅନୁଗୋଳ ଜିଲ୍ଲାରେ ୩୮୮ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଂକ ମଧ୍ୟରୁ ୮ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଂକ ସଂଖ୍ୟା ୪୨୧ ରେ ପହଂଚିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ ବଅଁରପାଳ ବ୍ଲକ୍ ଅଂଚଳରୁ ୯୯ଜଣ ( ୭୨ଜଣ ପୁରୁଷ ଓ ୨୭ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୬୧ଜଣ (୪୨ ଜଣ ପୁରୁଷ ଓ ୧୯ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୫୨ଜଣ ( ୩୨ଜଣ ପୁରୁଷ ଓ ୨୦ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୪୩ଜଣ (୩୧ ଜଣ ପୁରୁଷ ଓ ୧୨ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୩୯ଜଣ ( ୨୭ଜଣ ପୁରୁଷ ଓ ୧୨ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୩୨ଜଣ ( ୨୬ଜଣ ପୁରୁଷ ଓ ୬ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୨୮ଜଣ ( ୨୪ଜଣ ପୁରୁଷ ଓ୪ ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୧୦ଜଣ ( ୯ଜଣ ପୁରୁଷ ଓ ୧ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୮ଜଣ ( ୫ଜଣ ପୁରୁଷ ଓ ୩ଜଣ ମହିଳା), ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୮ଜଣ ( ୭ଜଣ ପୁରୁଷ ଓ ୧ଜଣ ମହିଳା) ଓ ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୮ଜଣ ( ୭ଜଣ ପୁରୁଷ ଓ ୧ଜଣ ମହିଳା) ଅଛନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡ ଓ ୮୪ ଜଣଙ୍କୁ ତାଳଚେର କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୧୬୦ଜଣ ସୁସ୍ଥ ହୋଇଛନ୍ତି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୨୯୫ ତା.୦୫.୦୫.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ